# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1259 CUTTACK, WEDNESDAY, JULY 20, 2016/ASADHA 29, 1938**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 4 ଜୁଲାଇ 2016

ସଂଖ୍ୟା 20456—RDM-LAA-MBJ-0043/2016-R&DM.—ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ମୟୂରଭଞ୍ଜ ଜିଲ୍ଲାର ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ଦିନବନ୍ଧୁପୁର ସବ୍-ମାଇନର କେନାଲ ନିମନ୍ତେ ମୌଜା ଜଗନ୍ନାଥପୁର, ଥାନା ବେତନଟୀ ନଂ.-୧୦, ତହସିଲ ବାରିପଦା, ଜିଲ୍ଲା ମୟୂରଭଞ୍ଜରେ ନିମ୍ନ ତଫସିଲମତେ ପ୍ରାୟ 4.88 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ଦିନବନ୍ଧୁପୁର ସବ୍-ମାଇନର କେନାଲ ନିମନ୍ତେ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ନିର୍ବାହୀ ଯନ୍ତ୍ରୀ, ବେତନଟୀ କେନାଲ ଡିଭିଜନ, ଲକ୍ଷ୍ମୀପୋଷି, ମୟୂରଭଞ୍ଜ ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପ ଜିଲ୍ଲାପାଳ, ବାରିପଦା ।

୬ । ଜମିର ବିବରଣୀ —

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| ମୟୂରଭଞ୍ଜ | ବାରିପଦା | ଜଗନ୍ନାଥପୁର | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୨୯.୬୫ ଏକର | ୪.୮୮ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ଭୂ-ଅର୍ଜନ ମହାମଣ୍ଡଳ ଅଧିକାରୀ, ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପ, ଦେଉଳି, ମୟୂରଭଞ୍ଜଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ମୟୂରଭଞ୍ଜ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ମୟୂରଭଞ୍ଜ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

ଭୂମି ଅନୁସୂଚୀ

| ଖାତା ନଂ. ଓ ସ୍ୱତ୍ୱ | ପ୍ଲଟ ନଂ. | ମୋଟ ରକବା | ଆକ୍ୱାୟାର ରକବା | କିସମ |
|---|---|---|---|---|
| (1) | (2) | (3) | (4) | (5) |
| | | ଏକର | ଏକର | |
| 14 | 189 | 3.97 | 0.30 | ଡାହି ଏକ |
| 19 | 151 | 0.02 | 0.02 | ଆଶୁ |
| 20 | 153 | 0.11 | 0.09 | ଆଶୁ |
| 25 | 155 | 0.82 | 0.31 | ଆଶୁ |
| | 157 | 1.10 | 0.21 | ଆଶୁ |
| 26 | 131 | 1.75 | 0.02 | ଆଶୁ |
| 34 | 195 | 1.00 | 0.23 | ଡାହି ଏକ |
| 48 | 192 | 0.70 | 0.18 | ଆଶୁ |
| 50 | 177 | 1.01 | 0.21 | ଡାହି ଏକ |
| 53 | 205 | 1.24 | 0.20 | ଡାହି ଏକ |
| 65 | 152 | 0.20 | 0.18 | ଆଶୁ |
| | 154 | 0.17 | 0.14 | ଆଶୁ |
| 67 | 141 | 1.63 | 0.12 | ଆଶୁ |
| 80 | 175 | 0.51 | 0.15 | ଡାହି ଏକ |
| 88 | 125 | 1.80 | 0.06 | ଆଶୁ |
| | 140 | 3.62 | 0.71 | ଆଶୁ |
| | 178 | 1.58 | 0.15 | ଡାହି ଏକ |
| | 179 | 0.82 | 0.15 | ଘରବାରି |
| 89 | 126 | 0.60 | 0.60 | ଡାହି ଏକ |
| 104 | 207 | 1.11 | 0.23 | ଡାହି ଏକ |
| 105/4 | 177/408 | 1.01 | 0.02 | ଡାହି ଏକ |
| 105/5 | 176 | 0.11 | 0.06 | ଆଶୁ |
| 105/13 | 204 | 1.18 | 0.20 | ଆଶୁ |
| 105/26 | 153/425 | 0.12 | 0.01 | ଆଶୁ |
| 105/39 | 191 | 2.47 | 0.33 | ଡାହି ଏକ |
| | ମୋଟ . . | 29.65 | 4.88 | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଗଙ୍ଗାଧର ମହାନ୍ତି**

ଉପଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 679—173+20